# ଆଜି ଅନୁଗୋଳ ଜିଲ୍ଲାରୁ ୨୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୧୪୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୫୨ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୨୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୫ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୭ଜଣ ପୁରୁଷ ଓ ୪ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ (୩ ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ (୨ଜଣ ପୁରୁଷ ଓ୨ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ (୩ ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ତାଳଚେର ପୌରାଞ୍ଚଳରୁ ୧ଜଣ (୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ୍ , କିଶୋରନଗର ବ୍ଲକ, ପାଲଲହଡା ବ୍ଲକ ,ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୨ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୪୯ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୯୯ ତା.୦୭.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୦୭/୧୨/୨୦୨୦

ଭା. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ